ଗ୍ରାମୀଣ କୃଷି ମୌସମ ସେବା
ଭାରତ ପାଣିପାଗ ବିଭାଗ, ଏ.ଏମ.ଏଫ.ୟୁ. –ସେମିଳିଗୁଡା
ଓଡ଼ିଶା କୃଷି ଓ ବୈଷୟିକ ବିଶ୍ୱବିଦ୍ୟାଳୟ
ଆଞ୍ଚଳିକ ଗବେଷଣା ଓ ବୈଷୟିକ ଜ୍ଞାନକୌଶଳ ପ୍ରସାରଣ କେନ୍ଦ୍ର
ସେମିଳିଗୁଡା, ପି. ବି.-୧୦, ସୁନାବେଡା, କୋରାପୁଟ,ଓଡ଼ିଶା- ୭୬୩୦୦୨

ସପ୍ତାହ କ୍ର.ସଂ.- ୧୫ | **ପାଣିପାଗ ଜନିତ କୃଷି ଉପଦେଶ** | ତାରିଖ –୧୨.୦୪.୨୦୨୪

**ଜିଲ୍ଲା- କୋରାପୁଟ (ଇଷ୍ଟର୍ନ ଘାଟ ହାଇ ଲ୍ୟାଣ୍ଡ ଜୋନ ଏବଂ ସାଉଥ ଇଷ୍ଟର୍ନ ଘାଟ ଜୋନ)**

| ଗତ ଚାରି ଦିନର ପାଣିପାଗ ଅବସ୍ଥା | | | | |
|---|---|---|---|---|
| ତାରିଖ | ୦୮.୦୪.୨୦୨୪ | ୦୯.୦୪.୨୦୨୪ | ୧୦.୦୪.୨୦୨୪ | ୧୧.୦୪.୨୦୨୪ |
| ବୃଷ୍ଟିପାତ (ମି.ମି.) | ୦.୦ | ୦.୦ | ୦.୦ | ୦.୦ |
| ସର୍ବାଧିକ ତାପମାତ୍ରା (ଡିଗ୍ରୀ ସେ.) | ୩୭ | ୩୮ | ୩୮ | ୩୯ |
| ସର୍ବନିମ୍ନ ତାପମାତ୍ରା (ଡିଗ୍ରୀ ସେ.) | - | - | ୧୮ | ୧୮ |

**ଆସନ୍ତା ପାଞ୍ଚ ଦିନର (୧୩.୦୪.୨୦୨୪ ଠାରୁ ୧୭.୦୪.୨୦୨୪) ପାଣିପାଗର ପୂର୍ବାନୁମାନ**
**(ଏମ.ସି., ଆଇ.ଏମ.ଡି., ଭୁବନେଶ୍ୱର ଅନୁଯାୟୀ)**

ଆସନ୍ତା ପାଞ୍ଚ ଦିନ ମଧ୍ୟରେ ମୁଖ୍ୟତଃ ପରିଷ୍କାର ରୁ ସାଧାରଣତଃ ମେଘୁଆ ପାଗ ରହିବ । ଆଗାମୀ ପାଞ୍ଚ ଦିନ ମଧ୍ୟରେ ୧୩ ଏପ୍ରିଲ ସ୍ୱଳ୍ପ ମାତ୍ରାରେ ବର୍ଷା ହେବାର ସମ୍ଭାବନା ଅଛି ୧୪ ରୁ ୧୭ ବର୍ଷା ହେବାର ସମ୍ଭାବନା ନାହିଁ । ଆସନ୍ତା ପାଞ୍ଚ ଦିନ ମଧ୍ୟରେ ସର୍ବାଧିକ ତାପମାତ୍ରା ୨୮ ରୁ ୩୮ ଡିଗ୍ରୀ ସେ. ଏବଂ ସର୍ବନିମ୍ନ ତାପମାତ୍ରା ୨୦-୨୨ ଡିଗ୍ରୀ ସେ. ରହିବାର ସମ୍ଭାବନା ଅଛି। ସର୍ବାଧିକ ଏବଂ ସର୍ବନିମ୍ନ ଆପେକ୍ଷିକ ଆର୍ଦ୍ରତା ଯଥାକ୍ରମେ ଶତକଡ଼ା ୫୦ ରୁ ୬୧ ଏବଂ ୧୮ ରୁ ୨୫ ଭାଗ ରହିବାର ସମ୍ଭାବନା ଅଛି।

| ତାରିଖ | ବୃଷ୍ଟିପାତ (ମି.ମି.) | ସର୍ବାଧିକ ତାପମାତ୍ରା (ଡିଗ୍ରୀ ସେ.) | ସର୍ବନିମ୍ନ ତାପମାତ୍ରା (ଡିଗ୍ରୀ ସେ.) | ମେଘାଛନ୍ନ | ସର୍ବାଧିକ ଆର୍ଦ୍ରତା (%) | ସର୍ବନିମ୍ନ ଆର୍ଦ୍ରତା (%) | ପବନର ବେଗ (କି.ମି./ଘଣ୍ଟା) | ପବନର ଦିଗ (ଡିଗ୍ରୀ) |
|---|---|---|---|---|---|---|---|---|
| ୧୩.୦୪.୨୦୨୪ | ୩ | ୨୮ | ୨୦ | ୫ | ୫୦ | ୧୮ | ୭ | ୨୩୬ |
| ୧୪.୦୪.୨୦୨୪ | ୦ | ୩୨ | ୨୧ | ୩ | ୬୧ | ୨୪ | ୭ | ୨୨୫ |
| ୧୫.୦୪.୨୦୨୪ | ୦ | ୩୪ | ୨୧ | ୨ | ୫୭ | ୨୫ | ୬ | ୨୧୨ |
| ୧୬.୦୪.୨୦୨୪ | ୦ | ୩୬ | ୨୧ | ୧ | ୫୬ | ୨୪ | ୬ | ୨୦୨ |
| ୧୭.୦୪.୨୦୨୪ | ୦ | ୩୮ | ୨୨ | ୧ | ୫୪ | ୨୩ | ୭ | ୨୧୪ |

## ପାଣିପାଗ ଭିତ୍ତିକ କୃଷି ଉପଦେଶ

**ସାଧାରଣ:**

- ଶେଷ ଓଡ଼ ଚାଷ ସମୟରେ ଜମିରେ ସଢା ଗୋବର ଖତ ଅଥବା ଜିଆ ଖତ ପ୍ରୟୋଗ କରନ୍ତୁ ।
- ଯେକୌଣସି ଫସଲ ରୋଇବା ପୂର୍ବରୁ ନିକଟବର୍ତ୍ତୀ ମୃତ୍ତିକା ପରିକ୍ଷା କେନ୍ଦ୍ରରେ ମାଟି ପରୀକ୍ଷା କରନ୍ତୁ ।
- ମୃତ୍ତିକା ସ୍ୱାସ୍ଥ୍ୟ କାର୍ଡରେ ଉଲ୍ଲେଖ କରାଯାଇଥିବା ମାଟି ପରୀକ୍ଷା ଭିତ୍ତିକ ସୁପାରିଶ ଅନୁଯାୟୀ ସମସ୍ତ ଫସଲରେ ସନ୍ତୁଳିତସାର ପ୍ରୟୋଗ କରନ୍ତୁ।

**ଧାନ:**

- ଜମିରେ ମହିଷା ରୋଗ ଦେଖାଦେଲେ ଦମନ କରିବା ପାଇଁ ପ୍ରତି ଲିଟର ପାଣିରେ ୦.୪ ଗ୍ରାମ୍ ଟେବୁକୋନାଜୋଲ୍ ୫୦% + ଟ୍ରାଇଫ୍ଲକ୍ସିଷ୍ଟ୍ରୋବିନ୍ ୨୫% ଡବ୍ଲୁ.ଜି. ମିଶାଇ ସିଞ୍ଚନ କରନ୍ତୁ ।
- ତାପମାତ୍ରା ବୃଦ୍ଧି ହେତୁ କାଣ୍ଡବିନ୍ଧା ପୋକ ଲାଗିବାର ସମ୍ଭାବନାଥାଏ । ନିରୀକ୍ଷଣ ପାଇଁ ଏକର ପିଛା ୩ ଟା ଫେରୋମନ ଯନ୍ତା ରଖନ୍ତୁ, ଯେତେବେଳେ ପୁରୁଷ ପ୍ରଜାତିର ସଖ୍ୟା ଗୋଟିଏ ଦିନରେ ଯନ୍ତା ପ୍ରତି ୪ ରୁ ୫ ଟି ହୋଇଯିବ ତେବେ ପ୍ରତି ଲିଟର ପାଣିରେ ୦.୩ ମି.ଲି. କ୍ଲୋରନଟ୍ରାନିଲିପ୍ରୋଲ ୧୮.୫ % ଏସ୍.ସି. କିମ୍ବା ୨ ମି.ଲି. ଫିପ୍ରୋନିଲ୍ ୫%ଏସ୍.ସି. ମିଶାଇ ସିଞ୍ଚନ କରନ୍ତୁ ।
- ଧାନ ଜମିରେ କବକ ଜନିତ ପତ୍ରପୋଡା ରୋଗ ଦେଖାଦେଲେ ନିୟନ୍ତ୍ରଣ କରିବାପାଇଁ ପ୍ରତି ଲିଟର ପାଣିରେ ୧ ଗ୍ରାମ ପ୍ଲାଣ୍ଟୋମାଇସିନ ଏବଂ ୩ ଗ୍ରାମ କପର ଅକ୍ସିକ୍ଲୋରାଇଡ୍ ୫୦ % ଡବ୍ଲୁ.ପି. ମିଶାଇ ସିଞ୍ଚନ କରନ୍ତୁ ।

**ଚିନାବାଦାମ:**

- ଚିନାବାଦାମ ଜମିରେ ଟୀକା ରୋଗ ଦେଖାଗଲେ ଦମନ କରିବା ପାଇଁ ପ୍ରତି ଲିଟର ପାଣିରେ ୨ ଗ୍ରାମ୍ କ୍ଲୋରୋଥାଲୋନୀଳ ୭୫% ଡବ୍ଲୁ.ପି. କିମ୍ବା ୨ ଗ୍ରାମ୍ କାର୍ବେଣ୍ଡାଜିମ୍ ୫୦% ଡବ୍ଲୁ.ପି. ମିଶାଇ ସିଞ୍ଚନ କରନ୍ତୁ ।
- ଚିନାବାଦାମ ଫସଲରେ ଧୂଆଁ ପତ୍ର ଗୋଟିପୋକ ଦେଖାଦେବାର ସମ୍ଭାବନା ଅଛି, ନିୟନ୍ତ୍ରଣ କରିବା ପାଇଁ ପ୍ରତି ଲିଟର ପାଣିରେ ୦.୩ ମି.ଲି. ଥାୟୋମେଥୋକ୍ସାମ୍ ୧୨.୬% + ଲାମ୍ବଡା-ସାଇହଲୋଥ୍ରିନ୍ ୯.୫% ଜେଡ୍.ସି. କିମ୍ବା ୨ ମି.ଲି. ପ୍ରୋଫେନୋଫସ୍ ୫୦% ଇ.ସି. ମିଶାଇ ସିଞ୍ଚନ କରନ୍ତୁ ।

**ପନିପରିବା ଫସଲ:**

- ଟମାଟୋ ଫସଲରେ ଧଳା ମାଛି ଦେଖାଗଲେ ଦମନ କରିବା ପାଇଁ ପ୍ରତି ଲିଟର ପାଣିରେ ୦.୩ ମି.ଲି. ଇମିଡାକ୍ଲୋପ୍ରିଡ୍ ୧୭.୮% ଏସ୍.ଏଲ୍. କିମ୍ବା ୦.୪ ଗ୍ରାମ୍ ଥାଅମିଥୋକ୍ସାମ ୨୫% ଡବ୍ଲୁ.ଜି. ମିଶାଇ ସିଞ୍ଚନ କରନ୍ତୁ ।
- ବାଇଗଣ ଫସଲରେ କାଣ୍ଡ ଓ ଫଳ ବିନ୍ଧା ପୋକ ଦମନ କରିବା ପାଇଁ ଏକର ପିଛା ୭୦ ମି.ଲି. ସ୍ପିନୋସାଡ୍ ୪୫% ଏସ୍.ସି. ଏବଂ ଥାଅଡିକାର୍ବ ୭୫% ବିକଳ୍ପ ଭାବରେ ୧୫ ଦିନ ଅନ୍ତରାଳ ସିଞ୍ଚନ କରନ୍ତୁ ।

**ଆମ୍ବ:**

- ଆମ୍ବ ଡାହାଣୀ ସଂକ୍ରମଣର ସମ୍ଭାବନା ଅଛି, ଏହାକୁ ନିୟନ୍ତ୍ରଣ କରିବା ପାଇଁ ବୁପ୍ରୋଫେଜିନ୍ 25% SC @ 1-2 ମିଲି / ଲିଟର ପାଣି କିମ୍ବା ଇମିଡାକ୍ଲୋପ୍ରିଡ୍ 17.8% SL @ 0.3 ମିଲି / ଲିଟର ପାଣି ରେ ମିଶାଇ ସ୍ପ୍ରେ କରନ୍ତୁ |
- ଆମ୍ବ ଚଣା ଗଡିବା ଅବସ୍ଥା ହେଲେ ଆଲଫା ନାପଥାଇଲ୍ ଏସିଟିକ୍ ଏସିଡ୍ 4.5% SL (ପ୍ଲାନୋଫିକ୍ସ) @ 4.5 ମିଲି ସ୍ପ୍ରେ କରନ୍ତୁ ଏବଂ ଫଳଗୁଡିକ ମଟର ଦାନା ଆକାରର ଥିବାବେଳେ ଦ୍ୱିତୀୟ ସ୍ପ୍ରେ ପାଇଁ ଯାଆନ୍ତୁ |

**ପଶୁ ସମ୍ପଦ:**

- ତାପମାତ୍ରା ଅଧିକ ହେତୁ ପଶୁ ମାନଙ୍କୁ ସକାଳ ବେଳା ଘାସ ଖାଇବା ପାଇଁ ଛାଡ଼ି ଦିଅନ୍ତୁ । ଗୁହାଳ ଘରରେ ବାୟୁ ଚଳାଚଳ ପାଇଁ ଉପଯୁକ୍ତ ଜାଗା ରଖନ୍ତୁ ।

**ବିଶେଷ ଦ୍ରଷ୍ଟବ୍ୟ: ଆବଶ୍ୟକ ସହାୟତା ଏବଂ ସୂଚନା ପାଇଁ ନିକଟବର୍ତ୍ତୀ କୃଷି ବିଜ୍ଞାନ କେନ୍ଦ୍ର ବୈଜ୍ଞାନିକ ଓ ରାଜ୍ୟର କୃଷି ଅଧିକାରୀ/ଉଦ୍ୟାନ କୃଷି ଅଧିକାରୀ ସହିତ ସମ୍ପର୍କ କରନ୍ତୁ।**

---

**ଡଃ.ପର୍ଶୁରାମ ଶିଅଳ**
**(ନୋଡାଲ୍ ଅଫିସର, ଜି.କେ.ଏମ୍.ଏସ୍.,ସେମିଳିଗୁଡା)**